ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୩୫ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୨୩୪୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୪ ଜଣ ।

ଅନୁଗୋଳ,ତା. ୧୭.୯:- ଆଜି ଅନୁଗୋଳ ଜିଲ୍ଲାରୁ ୧୩୫ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୩୧ ଜଣ (୨୩ଜଣ ପୁରୁଷ ଓ ୮ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୭ ଜଣ (୨୦ଜଣ ପୁରୁଷ ଓ ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ ଜଣ (୧୪ଜଣ ପୁରୁଷ ଓ ୩ ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୧୭ ଜଣ (୧୧ଜଣ ପୁରୁଷ ଓ ୬ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୫ ଜଣ (୧୦ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୩ ଜଣ (୧୦ଜଣ ପୁରୁଷ ଓ ୩ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ ଜଣ (୩ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଂଚଳରୁ ୪ ଜଣ (୪ ଜଣ ପୁରୁଷ), କଣିହାଁ ବ୍ଲକ୍ ଅଂଚଳରୁ ୩ ଜଣ (୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୩ ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୪ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୯ ଜଣ କୋଭିଡ ହସପିଟାଲରୁ ଓ ୬୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୩୩ ତା.୧୭.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

[signature] ୧୭/୯/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ